ODISHA POLICE
STATE HEADQUARTERS
CUTTACK.

---

# ପ୍ରେସ୍ ନୋଟ୍
## ତା ୩୦.୦୭.୨୦୨୫

ମାଧମିକ ଶିକ୍ଷା ପରିଷଦ (BSE), ଓଡିଶା ଆନୁକୁଲ୍ୟରେ ଆୟୋଜିତ ହେବାକୁ ଥିବା OTET-2025 ପରୀକ୍ଷାର ପ୍ରଶ୍ନପତ୍ର ଲିକ୍ ଘଟଣାର ପର୍ଦ୍ଦାଫାସ କରିଛି କ୍ରାଇମବ୍ରାଞ୍ଚ, । ଏହି ଘଟଣାରେ ସମ୍ପୃକ୍ତ ଥିବା ଛଅ ଜଣ ଅଭିଯୁକ୍ତଙ୍କୁ କ୍ରାଇମବ୍ରାଞ୍ଚ ଗିରଫ କରିଛି ବୋଲି ଏକ ସାମ୍ବାଦିକ ସମ୍ମିଳନୀରେ କ୍ରାଇମବ୍ରାଞ୍ଚ, ଡିଜିପି ଶ୍ରୀ ବିନୟତୋଷ ମିଶ୍ର ସୂଚନା ଦେଇଛନ୍ତି।

ଗିରଫ ଅଭିଯୁକ୍ତ ମାନେ ହେଉଛନ୍ତି ମାଧମିକ ଶିକ୍ଷା ପରିଷଦର ଡାଟା ଏଣ୍ଟ୍ରି ଅପରେଟର (୧) ଜିତନ ମହାରଣା ,କଛାପଡା, ସିମୁଳିଆ, ବାଲେଶ୍ୱର (୨) ବିଜୟ କୁମାର ମିଶ୍ର, ରାଜ୍ୟ ପୂର୍ବତନ କ୍ୟାଡର ଶିକ୍ଷକ ସଂଘର କାର୍ଯ୍ୟକାରୀ ସଭାପତି, କୋମାସାହି, ଆମ୍ବୋଡିଆ, ରାୟଗଡା (୩) ସନାତନ ବିଶୋୟୀ, କୋରାପୁଟ ଜିଲ୍ଲା ପୂର୍ବତନ କ୍ୟାଡର ଶିକ୍ଷକ ସଂଘର ସଭାପତି, ସାଗରଗୁଡା, କୁନ୍ଦ୍ରା, କୋରାପୁଟ, (୪) ରାମଜୀ ପ୍ରସାଦ ଗୁପ୍ତା, ନାରାୟଣ ଲେନ, ଗୁପ୍ତା ନିବାସ, ବାଦାମବାଡି, କଟକ (୫) ଅଜୟ କୁମାର ସାହୁ, ଲିଙ୍ଗିପାଲି କେଶବନଗର (ପଞ୍ଚମ ଲେନ), ବିଦ୍ୟାଧରପୁର, ଗଞ୍ଜାମ (୬) ଜୟନ୍ତ କୁମାର ରାଉତ, ଜୁକାନନ୍ଦୀ, ରୂପସା, ବାଲେଶ୍ୱର ।

ପୋଲିସ ସେମାନଙ୍କ ନିକଟରୁ ମୋବାଇଲ୍ ଫୋନ୍ ଏବଂ ଲିକ୍ ହୋଇଥିବା ପ୍ରଶ୍ନପତ୍ର ସମେତ ଇଲେକ୍ଟ୍ରୋନିକ୍ ଗ୍ୟାଜେଟ୍ ଜବତ କରାଯାଇଛି। ଆର୍ଥିକ କାରବାରର ପ୍ରାଥମିକ ତଦନ୍ତରୁ ଜଣାପଡିଛି ଯେ ଅଭିଯୁକ୍ତ ଜିତନ୍ ମହାରଣାଙ୍କ ଆକାଉଣ୍ଟ ରେ ୨,୫୦,୦୦୦ ଟଙ୍କା ଫୋନ ପେ ମାଧମରେ ଡିପୋଜିଟ ହୋଇଛି । ସମସ୍ତ ଅଭିଯୁକ୍ତଙ୍କ ଆକାଉଣ୍ଟ ବର୍ତ୍ତମାନ ଯାଞ୍ଚ କରାଯାଉଛି ଏବଂ ତଦନ୍ତ ଜାରି ରହିଛି।

ଏହି ମାମଲାରେ ସମ୍ପୃକ୍ତ ଥିବା ଅନ୍ୟ ଅଭିଯୁକ୍ତଙ୍କୁ ଗିରଫ କରିବା ପାଇଁ ଅଧିକ ତଦନ୍ତ ଚାଲିଛି ବୋଲି DGP ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

ଡିଜିପି, କ୍ରାଇମବ୍ରାଞ୍ଚଙ୍କ ସୂଚନା ଅନୁଯାୟୀ ଗତ ୨୦ ଜୁଲାଇରେ OTET ପରୀକ୍ଷା ଅନୁଷ୍ଠିତ ହେବାର ଥିଲା। ୧୯ ଜୁଲାଇ ୨୦୨୫ ରାତି ପ୍ରାୟ ୧୦.୪୫ ସମୟରେ କିଛି ହାତଲେଖା ପ୍ରଶ୍ନପତ୍ର ସୋସିଆଲ ମିଡିଆ ପ୍ଲାଟଫର୍ମରେ ଭାଇରାଲ ହେବାର ଦେଖିବାକୁ

ମିଳିଥିଲା।  ଏହା ଜାଣିବା  ପରେ ମାଧ୍ୟମିକ ଶିକ୍ଷା ପରିଷଦ Establishment Officer ଶ୍ରୀମତୀ ବୁଲବୁଲ ବେହେରା, ଅଭିଯୋଗ ଦାଖଲ କରିଥିଲେ। ମାମଲାଟି ଅତ୍ୟନ୍ତ ସମ୍ବେଦନଶୀଳ ଥିବାରୁ କ୍ରାଇମବ୍ରାଞ୍ଚ କୁ ତଦନ୍ତ ଦାୟିତ୍ୱ ହସ୍ତାନ୍ତର କରାଯାଇଥିଲା ଏବଂ ଡିଆଇଜି  ବି. ଗଙ୍ଗାଧରଙ୍କ ନେତୃତ୍ୱରେ ଏକ ସ୍ୱତନ୍ତ୍ର ଟିମ ଗଠନ କରାଯାଇ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ଚଢଉ ଆରମ୍ଭ ହୋଇଥିଲା।

କ୍ରାଇମବ୍ରାଞ୍ଚ ପକ୍ଷରୁ ତଦନ୍ତ ସମୟରେ BSE ଅଫିସରେ ଡାଟା ଏଣ୍ଟ୍ରି ଅପରେଟର ଭାବେ ଚାକିରି କରୁଥିବା ଜିତନ ମହାରଣା BSE ଉପାଧ୍ୟକ୍ଷଙ୍କ ଲାପଟପରୁ  ବେଆଇନ ଭାବରେ ପ୍ରଶ୍ନପତ୍ର ହାସଲ କରିଥିବା ଜାଣିବାକୁ ପାଇଥିଲେ। ପରେ ଜିତନ  ଏହି ପ୍ରଶ୍ନପତ୍ର ଗୁଡ଼ିକୁ ବିଜୟ କୁମାର ମିଶ୍ର, ସନାତନ ବିଶୋୟୀ ଏବଂ ଅନ୍ୟମାନଙ୍କ ନିକଟକୁ ପଠାଇ ଥିଲେ।

ଏଠାରେ ଉଲ୍ଲେଖଯୋଗ୍ୟ ଯେ, ଅଭିଯୁକ୍ତମାନେ ଚାକିରି ନିୟମିତ ଏବଂ ଦରମା ବୃଦ୍ଧି ଭଳି ସୁବିଧା ପାଇଁ ଯୋଗ୍ୟତା ଅର୍ଜନ କରିବାକୁ ଚାହୁଁଥିବା ଶିକ୍ଷକମାନଙ୍କୁ ଟାର୍ଗେଟ କରିଥିଲେ।

ଏହି ସାମ୍ବାଦିକ ସମ୍ମିଳନୀରେ ଡିଆଇଜି (କ୍ରାଇମବ୍ରାଞ୍ଚ) ଶ୍ରୀ ବାତୁଲା ଗଙ୍ଗାଧର ଉପସ୍ଥିତ ଥିଲେ।

ଲୋକ ସମ୍ପର୍କ ଅଧିକାରୀ